ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1030/12-01-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୨ ଜାନୁଆରୀ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ  କହିଛନ୍ତି ଯେ ଏକ ସ୍ୱତନ୍ତ୍ର ବିମାନରେ କୋଭିସିଲଡ୍ ଟୀକା ଓଡ଼ିଶାରେ ପହଞ୍ଚିବା ଅତ୍ୟନ୍ତ ଆନନ୍ଦର ମୁହୂର୍ତ୍ତ । ସେ କହିଛନ୍ତି ଯେ ମୂଲ୍ୟବାନ ଜୀବନ ରକ୍ଷା କରିବା ପାଇଁ ଅଙ୍ଗନବାଡ଼ି କର୍ମୀଙ୍କ ସମେତ ଆଗଧାଡ଼ିର ସ୍ୱାସ୍ଥ୍ୟ କର୍ମଚାରୀଙ୍କ ଉପରେ ବିଶେଷ ଧ୍ୟାନ ଦେଇ ତ୍ରୁଟିଶୂନ୍ୟ ଟୀକାକରଣ  କାର୍ଯ୍ୟକ୍ରମ ନିମନ୍ତେ ଓଡ଼ିଶା ବିସ୍ତୃତ ବ୍ୟବସ୍ଥା ସହିତ ପ୍ରସ୍ତୁତ ରହିଛି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଛାତ୍ରସମାଜର ବୃହତ୍ତର ସ୍ୱାର୍ଥକୁ ଦୃଷ୍ଟିରେ ରଖି ଚଳିତ ବର୍ଷ ମାଧ୍ୟମିକ ଶିକ୍ଷାବୋର୍ଡ ଦ୍ୱାରା ପରିଚାଳିତ ହେବାକୁ ଥିବା ମାଟ୍ରିକ୍ ପରୀକ୍ଷା ନିମନ୍ତେ ଛାତ୍ରଛାତ୍ରୀଙ୍କ ପରୀକ୍ଷା ଫିସ୍ ଛାଡ଼ କରିବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି । ଏ ବାବଦରେ ରାଜ୍ୟ ସରକାର ୨୭ କୋଟି ଟଙ୍କା ବ୍ୟୟ ଭାର ବହନ କରିବେ ଓ ୬ ଲକ୍ଷରୁ ଅଧିକ ଛାତ୍ରଛାତ୍ରୀ ଉପକୃତ ହେବେ ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଚନ୍ଦ୍ରଭାଗା ଓ ତାଳସାରୀ ବେଳାଭୂମିର ବିକାଶ ନିମନ୍ତେ ଦୁଇଟି ମହତ୍ତ୍ୱାକାଂକ୍ଷୀ ଯୋଜନାର ରୂପାୟନ ନିମନ୍ତେ ଅନୁଷ୍ଠିତ ଉଚ୍ଚସ୍ତରୀୟ ବୈଠକରେ ଅଧ୍ୟକ୍ଷତା କରିଛନ୍ତି । ସେ କହିଛନ୍ତି ଯେ ଅଧିକ ପରିମାଣର ଘରୋଇ ଓ ବିଦେଶୀ ପର୍ଯ୍ୟଟକଙ୍କୁ ଆକୃଷ୍ଟ କରିବା ନିମନ୍ତେ ରାଜ୍ୟ ସରକାର ପର୍ଯ୍ୟଟନ ବିକାଶ ଉପରେ ଅଗ୍ରାଧିକାର ଦେଇଛନ୍ତି ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ ପୁରୀ–କୋଣାର୍କ ବେଳାଭୂମିର ଚନ୍ଦ୍ରଭାଗାଠାରେ ଏକ କିଲୋମିଟର ବ୍ୟାପୀ ଅଞ୍ଚଳର ବିକାଶ ନିମନ୍ତେ ଓ ସେଥିପାଇଁ ପ୍ରସ୍ତୁତ ମାଷ୍ଟର ପ୍ଲାନରେ ଜଳକ୍ରୀଡ଼ା, ଆମୋଦପ୍ରମୋଦ, ସୁଦୃଶ୍ୟ ଚଲାପଥ, ସାଇକେଲ୍ ଟ୍ରାକ୍, ସମୁଦ୍ର କୂଳେ କୂଳେ କାଠର ଚଲାପଥ, ଛୋଟ ପିଲାଙ୍କ ଖେଳ ପାଇଁ ଅଞ୍ଚଳ, ସୂର୍ଯ୍ୟୋଦୟ ଦେଖିବା ପାଇଁ ମଞ୍ଚ ଓ ଦୁଃସାହସିକ କ୍ରୀଡ଼ା ଆସି ଅତ୍ୟାଧୁନିକ ସୁବିଧାକୁ ଅନ୍ତର୍ଭୁକ୍ତ କରିବା ନିମନ୍ତେ ନିର୍ଦ୍ଦେଶ ଦେଇଛନ୍ତି । ସେ ପୁଣି କହିଛନ୍ତି ଯେ ବର୍ଜ୍ୟବସ୍ତୁ ପରିଚାଳନା ବ୍ୟବସ୍ଥା, ଲ୍ୟାଣ୍ଡସ୍କେପିଂ ଓ ସୌର ଆଲୋକ ସୁବିଧା ସହିତ ସ୍ଥାନୀୟ ଲୋକଙ୍କ ଅଂଶଗ୍ରହଣକୁ ସୁନିଶ୍ଚିତ କରାଯିବ ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ ବାଲେଶ୍ୱରର ତଳସାରୀ ବେଳାଭୂମିର ୨.୪ କିଲୋମିଟର ଅଞ୍ଚଳକୁ ବିକଶିତ କରିବା ସହ ସେଠାରେ ଷ୍ଟାଣ୍ଡାର୍ଡ ଓ ବଜେଟ୍ ହୋଟେଲ୍ ନିର୍ମାଣକୁ ଉତ୍ସାହିତ କରିବା ନିମନ୍ତେ ନିର୍ଦ୍ଦେଶ ଦେଇଛନ୍ତି । ଏହା ବ୍ୟତୀତ ପର୍ଯ୍ୟଟକମାନଙ୍କୁ ଆକର୍ଷିତ କରିବା ନିମନ୍ତେ ସେଠାରେ ପାଭିଲିୟନ୍, କିଓସ୍କ, ସିଟିଂ

ଆଇଲାଣ୍ଡ, ସୋଲାର ଫଟୋ-ଭୋଲଟେକ୍ ପ୍ୟାନେଲ୍, ଆମ୍ଫିଥିଏଟର, ରେସ୍ତୋରାଁ ଏବଂ ଆର୍ଟ ଆଣ୍ଡ କ୍ରାଫ୍ଟ ପ୍ଲାଜା ସୁବିଧା କରାଯିବ ବୋଲି ସେ କହିଛନ୍ତି ।

- ଏହି ବୈଠକରେ ଭୋଗରାଇ ବିଧାୟକ ଶ୍ରୀ ଅନନ୍ତ ଦାସ, ଓଟିଡିସିର ଅଧକ୍ଷା, ମୁଖ୍ୟ ଶାସନ ସଚିବ, ଉନ୍ନୟନ କମିଶନର, ଜଙ୍ଗଲ ଓ ପରିବେଶ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ, ପର୍ଯ୍ୟଟନ ବିଭାଗର ପ୍ରମୁଖ ଶାସନ ସଚିବ, ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସଚିବ (୫-'ଟି') ଏବଂ ପୁରୀ ଓ ବାଲେଶ୍ୱରର ଜିଲ୍ଲାପାଳ ପ୍ରମୁଖ ଉପସ୍ଥିତ ଥିଲେ ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଜାତୀୟ ଯୁବ ଦିବସ ଅବସରରେ ସ୍ୱାମୀ ବିବେକାନନ୍ଦଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି । କୋଭିଡ୍ ସ୍ଥିତିରେ ରକ୍ତଦାନ କରି ଲୋକଙ୍କ ବହୁମୂଲ୍ୟ ଜୀବନ ବଞ୍ଚାଇଥିବା ସ୍ୱେଚ୍ଛାକୃତ ଯୁବ ରକ୍ତଦାତାଙ୍କୁ ଶୁଭେଚ୍ଛା ଜଣାଇବା ସହ ସୁସ୍ଥ ସମାଜ ଗଠନ ଦିଗରେ ସହଯୋଗର ହାତ ବଢ଼ାଇବାକୁ ସେ ଆହ୍ୱାନ କରିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଲୋକଙ୍କ ସୁବିଧା ପାଇଁ ଭୁବନେଶ୍ୱର-ପୁନେ ମଧ୍ୟରେ ଏୟାର ଏସିଆର ସ୍ୱତନ୍ତ୍ର ବିମାନ ଚଳାଚଳ ଲାଗି ରାଜ୍ୟ ସରକାରଙ୍କ ପକ୍ଷରୁ ପ୍ରାଥମିକ ପର୍ଯ୍ୟାୟରେ ୩ ମାସ ପାଇଁ ଆର୍ଥିକ ସହାୟତା ଯୋଗାଇ ଦିଆଯିବ । ଏହି ବିମାନ ସେବା ଓଡ଼ିଶାରେ ଉନ୍ନତ ଯୋଗାଯୋଗ ସହ ପର୍ଯ୍ୟଟନ ଏବଂ ଅର୍ଥନୈତିକ ଅଭିବୃଦ୍ଧି କ୍ଷେତ୍ରରେ ମହତ୍ତ୍ୱପୂର୍ଣ୍ଣ ସାବ୍ୟସ୍ତ ହେବ ବୋଲି ସେ ଆଶା ପ୍ରକାଶ କରିଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୨,୨୯,୯୪୮ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୨,୩୩୧ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୨୮,୨୭୧ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୮୯୪ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୨,୧୧୩ ରହିଛି ।
- ୨,୧୧୩ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**